ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**NewsID-I&PR(OD)-1216-04/02/2021**

# ଉତ୍କଳଗୌରବ ମଧୁସୂଦନ ଦାସଙ୍କ ରାଜ୍ୟସ୍ତରୀୟ ଶ୍ରାଦ୍ଧ ଦିବସ

## ରାଜଭବନ ଛକ ଠାରେ ମଧୁବାବୁଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧା ସୁମନ ଅର୍ପଣ କଲେ ରାଜ୍ୟପାଳ

ଭୁବନେଶ୍ୱର ତା-୦୪.୦୨.୨୦୨୧

ଆଜି ନବ ଉତ୍କଳର ନିର୍ମାତା, ସ୍ୱତନ୍ତ୍ର ଓଡିଶା ପ୍ରଦେଶ ଗଠନର ପ୍ରମୁଖ ବିଦ୍ଧାଣୀ ଉତ୍କଳଗୌରବ ମଧୁସୂଦନ ଦାସଙ୍କ ଶ୍ରାଦ୍ଧ ଦିବସ ପାଳନ ପରିପ୍ରେକ୍ଷୀରେ ସକାଳେ ମାଲ୍ୟାର୍ପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଓଡିଶାର ମାନ୍ୟବର ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ ସକାଳ ୮ଟା ୩୦ ମିନିଟ୍ ସମୟରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଭୁବନେଶ୍ୱର ରାଜ ଭବନଛକ ସ୍ଥିତ ଉତ୍କଳଗୌରବ ମଧୁସୂଦନ ଦାସଙ୍କ ପୂର୍ଣ୍ଣାବୟବ ପ୍ରତିମୂର୍ତ୍ତିରେ ପୁଷ୍ପଗୁଚ୍ଛ ପ୍ରଦାନ ପୂର୍ବକ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । ରାଜ୍ୟ ସୂଚନା ଓ ଲୋକସମ୍ପର୍କ ବିଭାଗ ତରଫରୁ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ସୂଚନା ଓ ଲୋକସମ୍ପର୍କ ବିଭାଗ ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର, ବିଭାଗୀୟ ନିର୍ଦ୍ଦେଶକ(ବୈଷୟିକ) ଶ୍ରୀ ନିରଞ୍ଜନ ସେଠୀ, ଓଡିଶା ରିଭ୍ୟୁ ଓ ଉତ୍କଳ ପ୍ରସଙ୍ଗର ସମ୍ପାଦକ ଡଃ. ଲେନିନ୍ ମହାନ୍ତି, ବିଭାଗର ଯୁଗ୍ମ ନିର୍ଦ୍ଦେଶକ ଡଃ.ପ୍ରମୋଦ କୁମାର ମଲ୍ଲିକ, ବିଭାଗୀୟ ଅନ୍ୟ ପଦାଧିକାରୀ ଏବଂ ନିମନ୍ତ୍ରିତ ଅତିଥିମାନେ ଯୋଗଦେଇ ଉତ୍କଳଗୌରବଙ୍କ ପ୍ରତି ଶ୍ରଦ୍ଧା ସୁମନ ଅର୍ପଣ କରିଥିଲେ । ଏହି ଅବସରରେ ଏଠାରେ ଉତ୍କଳ ସମ୍ମିଳନୀ ଏବଂ ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ପରିଷଦ ସମେତ ବିଭିନ୍ନ ଅନୁଷ୍ଠାନ ତରଫରୁ ମଧୁବାବୁଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା ।

ପଠାଣି ରାଉତ
ସୂଚନା ଅଧିକାରୀ